ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୫୫ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ୪୪୫୮୮ରେ ପହଞ୍ଚିଲା ।

ଅନୁଗୋଳ,ତା.୦୮.୦୧:- ଆଜି ଅନୁଗୋଳ ଜିଲ୍ଲାରେ ୫୫ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତଙ୍କ ମଧ୍ୟରେ ବଣ୍ଡରପାଳ ବ୍ଲକ୍ ଅଂଚଳରୁ ୧୯ଜଣ ( ୧୦ଜଣ ପୁରୁଷ ଓ ୯ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୭ଜଣ(୧୨ ଜଣ ପୁରୁଷ ଓ ୫ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୧ଜଣ( ୭ଜଣ ପୁରୁଷ ଓ ୪ଜଣ ମହିଳା) ଓ ଅନୁଗୋଳ ପୌରାଞ୍ଚଳରୁ ୮ ଜଣ ( ୬ଜଣ ପୁରୁଷ ଓ ୨ଜଣ ମହିଳା) ଅଛନ୍ତି । ଲକ୍ଷଣଯୁକ୍ତ ଆକ୍ରାନ୍ତଂକୁ ନିଜ ଘରେ Isolation ରେ ରଖାଯାଇ ନିରୀକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୩୯୮ ଜଣ ମୃତ୍ୟୁବରଣ କଲେଣି । ଆଜି ସୁଦ୍ଧା ୧୪ଲକ୍ଷ ୮୧ହଜାର ୪୩୯ଜଣଙ୍କୁ ଟିକା ଦିଆଗଲାଣି ।

ସେହିପରି ଆଜି ଜିଲ୍ଲାରେ ୧୫ ରୁ ୧୮ ବର୍ଷର ୨ ହଜାର ୬୭୨ଜଣ କିଶୋର କିଶୋରୀମାନଂକୁ ଟୀକାକରଣ କରାଯାଇଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା ୧୯ ତା. ୦୮.୦୧.୨୦୨୨ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

୦୮/୦୧/୨୦୨୨

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ